ଫର୍ମ -III

[ନିୟମ – ୪ (୪-୧) ଦ୍ରଷ୍ଟବ୍ୟ]

ତହସିଲ କାର୍ଯ୍ୟାଳୟ, କନିଷି, ଗଞ୍ଜାମ

OFFICE OF THE TAHASILDAR ★ KONISI (Gm.) ★

Alienation ମିସ୍ କେସ୍ ନଂ- ୩୪/୨୦୨୫

## ସର୍ବସାଧାରଣ ନୋଟିସ୍

ଏତଦ୍ ଦ୍ୱାରା ମୌଜା– ଲଉଡିଗାଁ ଥାନା – ଗୋଳନ୍ଥରା ର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନଲିଖିତ ତଫସିଲଭୁକ୍ତ ଜମିକୁ "ଆବାଦ ଅଯୋଗ୍ୟ ଅନାବାଦି" ଖାତାରୁ "ଆବାଦ ଯୋଗ୍ୟ ଅନାବାଦି" ଖାତା ଓ କିସମକୁ ପତିତ କିସମ ରେ ପରିବର୍ତନ କରି ଶ୍ରମ ଓ କର୍ମଚାରୀ ରାଜ୍ୟ ବୀମା ବିଭାଗ ଓଡ଼ିଶା ଙ୍କ ନାମରେ କାର୍ଯ୍ୟାଳୟ ଗୃହ ନିର୍ମାଣ କରି ହସ୍ତାନ୍ତର କରିବା ପାଇଁ ସ୍ଥିରୀକୃତ ହୋଇଅଛି।

ଏଣୁ ନିମ୍ନ ତଫସିଲଭୁକ୍ତ ଜମିର ଖାତା ଓ କିସମ ପରିବର୍ତ୍ତନ ଉପରେ ଯଦି କାହାର କିଛି ଆପତ୍ତି ଅଭିଯୋଗ ଥାଏ, ଏହି ଇସ୍ତାହାର ପ୍ରକାଶ ପାଇବାର ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଯେ କୌଣସି କାର୍ଯ୍ୟ ଦିବସରେ ଲିଖିତ ଆପତ୍ତି ଅଭିଯୋଗ ଦାଖଲ କରିପାରିବେ। ଧାର୍ଯ୍ୟ ସମୟ ଅତିକ୍ରାନ୍ତ ହେବା ପରେ କୌଣସି ଅଭିଯୋଗ ଗ୍ରହଣ କରାଯିବନାହିଁ ।

### ତଫସିଲଭୁକ୍ତ ଜମିର ବିବରଣୀ

| ମୌଜା | ଖାତା ନଂ | ପ୍ଲଟ ନଂ | ମୋଟ ରକବା (ଏକରରେ) | ପ୍ରସ୍ତାବିତ ରକବା (ଏକରରେ) | କିସମ/ ଖାତାଦାର | ପ୍ରସ୍ତାବିତ କିସମ/ ଖାତାଦାର |
|---|---|---|---|---|---|---|
| ଲଉଡିଗାଁ | ୨୫୨ | ୭୨୬ | ୫୭.୯୪୭ | ୦.୫୦୦ | ପତିତ/ଆବାଦ ଅଯୋଗ୍ୟ ଅନାବାଦି | ପତିତ/ ଆବାଦ ଯୋଗ୍ୟ ଅନାବାଦି |

ତହସିଲଦାର, କନିଷି
Tahasildar
Konisi (Gm.)

ପରିପତ୍ର ସଂଖ୍ୟା- 13726 ତାରିଖ- ୧୭.୧୦.୨୦୨୫

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ (**DIO), NIC,** ଗଞ୍ଜାମଙ୍କ ଅବଗତି ଓ ୱେବ-ସାଇଟ୍ ମାଧ୍ୟମରେ ବିଜ୍ଞପ୍ତି ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, ଦୁମୁଦୁମି ଦ୍ୱାରା ମୌଜା- ଲଉଡିଗାଁ ର ପ୍ରକାଶ୍ୟ ସ୍ଥାନରେ ଢେଣ୍ଡରା/ମାଇକିଙ୍ଗ ଦ୍ୱାରା ଜାରି କରିବା ପାଇଁ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଲଉଡିଗାଁ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ/ ସରପଞ୍ଚଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, କନିଷିର ବିଜ୍ଞାପନ ଫଳକରେ ସର୍ବସାଧାରଣଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ଜାରି କରାଗଲା ।

ତହସିଲଦାର, କନିଷି
Tahasildar
Konisi (Gm.)